# ଗ୍ରାମୀଣ କୃଷି ମୌସମ ସେବା
# ଭାରତ ପାଣିପାଗ ବିଭାଗ
# ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ
# ଆଞ୍ଚଳିକ ଗବେଷଣା ଓ ବୈଷୟିକ ପ୍ରସାରଣ କେନ୍ଦ୍ର, ଚିପିଲିମା

ସଂଖ୍ୟା - ୭୫ (ଓଡ଼ିଆ ବୁଲେଟିନ) ସପ୍ତାହ - ୩୮ ତାରିଖ: ୧୯.୦୯.୨୦୨୫

## ଜିଲ୍ଲା – ବୌଦ୍ଧ

### ପର୍ଯ୍ୟବେକ୍ଷଣ କେନ୍ଦ୍ରରେ ୧୩.୦୯.୨୦୨୫ ରୁ ୧୯.୦୯.୨୦୨୫ ମଧ୍ୟରେ ରେକର୍ଡ କରାଯାଇଥିବା ସର୍ବାଧିକ ଏବଂ ସର୍ବନିମ୍ନ ତାପମାତ୍ରା ଏବଂ ଜିଲ୍ଲାର ହାରାହାରି ବର୍ଷାପାତ

| | ସର୍ବାଧିକ ତାପମାତ୍ରା (ଡିଗ୍ରୀ ସେ.) | | | | | | | ସର୍ବନିମ୍ନ ତାପମାତ୍ରା (ଡିଗ୍ରୀ ସେ.) | | | | | | | ବୃଷ୍ଟିପାତ (ମିଲି ମିଟର) | | | | | | |
|---|---|---|---|---|---|---|---|---|---|---|---|---|---|---|---|---|---|---|---|---|---|
| ତାରିଖ | ୧୩ | ୧୪ | ୧୫ | ୧୬ | ୧୭ | ୧୮ | ୧୯ | ୧୩ | ୧୪ | ୧୫ | ୧୬ | ୧୭ | ୧୮ | ୧୯ | ୧୩ | ୧୪ | ୧୫ | ୧୬ | ୧୭ | ୧୮ | ୧୯ |
| ବୌଦ୍ଧ | 32 | 32 | 33 | 32 | 32 | 32 | 32 | 25 | 25 | 25 | 25 | 25 | 25 | 25 | 0.0 | 0.0 | 0.0 | 2.7 | 3.3 | 1.8 | 0.0 |

### ଆସନ୍ତା ପାଞ୍ଚ ଦିନର ପାଣିପାଗ ପୂର୍ବାନୁମାନ

| ପାଣିପାଗ କାରକ | ୨୦-୦୯-୨୦୨୫ | ୨୧-୦୯-୨୦୨୫ | ୨୨-୦୯-୨୦୨୫ | ୨୩-୦୯-୨୦୨୫ | ୨୪-୦୯-୨୦୨୫ |
|---|---|---|---|---|---|
| ବୃଷ୍ଟିପାତ (ମିଲି ମିଟର) | 5 | 5 | 10 | 11 | 10 |
| ସର୍ବାଧିକ ତାପମାତ୍ରା (º ସେଣ୍ଟିଗ୍ରେଡ) | 32 | 33 | 33 | 34 | 34 |
| ସର୍ବନିମ୍ନ ତାପମାତ୍ରା (º ସେଣ୍ଟିଗ୍ରେଡ) | 25 | 25 | 26 | 26 | 26 |
| ମେଘ ଆବରଣ(ଓକଟା) | 4 | 4 | 5 | 5 | 5 |
| ସର୍ବାଧିକ ଆପେକ୍ଷିକ ଆର୍ଦ୍ରତା (ଶତକଡା %) | 89 | 90 | 91 | 92 | 91 |
| ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା (ଶତକଡା %) | 60 | 59 | 64 | 62 | 61 |
| ପବନର ବେଗ (କିମି/ଘଣ୍ଟା ପ୍ରତି) | 3 | 3 | 2 | 2 | 2 |
| ପବନର ଦିଗ (ଡିଗ୍ରୀ) | 230 | 243 | 252 | 243 | 233 |

ଅଧିକ ଜାଣିବା ପାଇଁ, ଭାରତୀୟ ପାଣିପାଗ ବିଭାଗ, ଭୁବନେଶ୍ୱର, ଟେଲିଫୋନ# ୦୬୭୪-୨୫୯୬୧୧୬ରେ ଯୋଗାଯୋଗ କରନ୍ତୁ

## ପାଣିପାଗ ସାରାଂଶ/ସତର୍କ ସୂଚନା :

ଭାରତ ପାଣିପାଗ ବିଜ୍ଞାନ ବିଭାଗ, ମୌସମ ବିଜ୍ଞାନ କେନ୍ଦ୍ର, ଭୁବନେଶ୍ୱରର ମଧ୍ୟମ ଅବଧି ପୂର୍ବାନୁମାନ ଅନୁଯାୟୀ, ଆଗାମୀ ସପ୍ତାହରେ କିଛିଟା ସ୍ଥାନରେ ବିଜୁଳି ଘଡ଼ଘଡ଼ି ସହ ହାଲୁକା ରୁ ମଧ୍ୟମ ଧରଣର ବର୍ଷା ହେବାର ସମ୍ଭାବନା ଦେଖାଯାଇପାରେ ଏବଂ ଏହି ସମୟ ଅବଧିରେ ଆକାଶ ଆଂଶିକ ରୁ ସାଧାରଣତଃ ମେଘାଛନ୍ନ ରହିପାରେ । ଆସନ୍ତା ସପ୍ତାହରେ ସର୍ବାଧିକ (ଦିନର) ଓ ସର୍ବନିମ୍ନ ତାପମାତ୍ରାରେ କୌଣସି ବିଶେଷ ପରିବର୍ତ୍ତନର ସମ୍ଭାବନା ନାହିଁ । ଆସନ୍ତା ୫ ଦିନ ମଧ୍ୟରେ ଆର୍ଦ୍ରତା ଅଧିକ ରହିବା ସହିତ ୨ ରୁ ୩ କି.ମି. ପ୍ରତି ଘଣ୍ଟା ବେଗରେ ଦକ୍ଷିଣ-ପଶ୍ଚିମ ଦିଗରୁ ପବନ ବହିବାର ସମ୍ଭାବନା ବନିପାରେ ।

## ସାଧାରଣ ଉପଦେଶ

- ମୌସମ ବିଜ୍ଞାନ କେନ୍ଦ୍ର, ଭୁବନେଶ୍ୱର ଦ୍ୱାରା ତାରିଖ:-୧୮.୦୯.୨୦୨୫ ଦିନ ଜାରି କରାଯାଇଥିବା ବିସ୍ତାରିତ ପାଣିପାଗ ପୂର୍ବାନୁମାନ ଅନୁଯାୟୀ, ପ୍ରଥମ ସପ୍ତାହ (୧୯ ରୁ ୨୫ ସେପ୍ଟେମ୍ବର, ୨୦୨୫) ମଧ୍ୟରେ ଓଡ଼ିଶାର ଜିଲ୍ଲାଗୁଡ଼ିକରେ ବିକ୍ଷିପ୍ତ ଭାବରେ ବର୍ଷା/ବଜ୍ରପାତ ହେବାର ସମ୍ଭାବନା ଅଧିକ ରହିଅଛି । ଏହି ସପ୍ତାହ ମଧ୍ୟରେ ପୂର୍ବ ଭାରତର ସ୍ଥଳଭାଗରେ ଘୂର୍ଣ୍ଣିବାତ୍ୟାର ହାଲୁକା ରୁ ମଧ୍ୟମ ସମ୍ଭାବନା ରହିଛି ।
- ଦ୍ୱିତୀୟ ସପ୍ତାହ (୨୬ ସେପ୍ଟେମ୍ବର ରୁ ୦୨ ଅକ୍ଟୋବର, ୨୦୨୫) ମଧ୍ୟରେ ଓଡ଼ିଶାର ଜିଲ୍ଲାଗୁଡ଼ିକରେ ଯଥେଷ୍ଟ ବ୍ୟାପକ ବର୍ଷା ହେବାର ସମ୍ଭାବନା ଅଛି ଏବଂ ଏହି ସପ୍ତାହର ପ୍ରଥମାର୍ଦ୍ଧରେ ଗୋଟେ କିମ୍ବା ଦୁଇଟା ସ୍ଥାନରେ ପ୍ରବଳ ରୁ ଅତି ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଅଛି । ଦ୍ୱିତୀୟ ସପ୍ତାହର ପ୍ରଥମାର୍ଦ୍ଧରେ ଉତ୍ତର-ପୂର୍ବ ବଙ୍ଗୋପସାଗରରେ ଏକ ଲଘୁଚାପ କ୍ଷେତ୍ର ସୃଷ୍ଟି ହେବାର ସମ୍ଭାବନା ରହିଛି ।

- ଉପରୋକ୍ତ ବର୍ଷା ପରିସ୍ଥିତିକୁ ଦୃଷ୍ଟିରେ ରଖି, ଚାଷୀମାନଙ୍କୁ ପ୍ରଥମ ସପ୍ତାହରେ ସକାଳ ସମୟରେ ପାଗ ଶୁଷ୍କ ଥିବାବେଳେ କୃଷି କାର୍ଯ୍ୟ କରିବାକୁ ପରାମର୍ଶ ଦିଆଯାଇଛି ।
- ବିଭିନ୍ନ ଫସଲରେ ଶୋଷକ କୀଟ, ଫଳ ମାଛି, ଫଳ ବିନ୍ଧା ଏବଂ ଫଳ ଓ କାଣ୍ଡ ବିନ୍ଧା ପୋକର ଆକ୍ରମଣ ପ୍ରତି ସତର୍କ ରୁହନ୍ତୁ ।
- ଚାଷୀମାନେ ଭାରତ ପାଣିପାଗ ବିଭାଗର ପାଣିପାଗ ପୂର୍ବାନୁମାନ ଏବଂ ଓଡ଼ିଶା ସ୍ଥିତିର କୃଷି ପାଣିପାଗ ପରାମର୍ଶ ପାଇଁ ମେଘଦୂତ ମୋବାଇଲ ଆପ ତଥା ନିଜ ଅଞ୍ଚଳର ବିଜୁଳି କିମ୍ବା ବଜ୍ରପାତ ପୂର୍ବାନୁମାନ ପାଇଁ ଦାମିନୀ ଆପ ଓ ସ୍ଥାନ ନିର୍ଦ୍ଦିଷ୍ଟ ପୂର୍ବାନୁମାନ ଏବଂ ଚେତାବନୀ ପାଇଁ ମୌସମ ଆପ ର ବ୍ୟବହାର କରିପାରିବେ ।

## ସଂକ୍ଷିପ୍ତ ଉପଦେଶ

- ପ୍ରଚଳିତ ପାଗ ଯୋଗୁଁ ଆଗାମୀ ଦିନରେ ଦହିଆ ପୋକର ଆକ୍ରମଣ ଦେଖାଯାଇପାରେ, ତେଣୁ ଚାଷୀମାନଙ୍କୁ ଏହି ପୋକ ବିରୁଦ୍ଧରେ ନିୟମିତ ଭାବରେ ସେମାନଙ୍କ ଫସଲର ତଦାରଖ କରିବାକୁ ପରାମର୍ଶ ଦିଆଯାଇଅଛି ।

## ପାଣିପାଗ ଭିତ୍ତିକ କୃଷି ଏବଂ ପଶୁପାଳନ ଉପଦେଶ

| ଫସଲର ନାମ | ଫସଲ ଅବସ୍ଥା | କୃଷି ଏବଂ ପଶୁପାଳନ ପାଇଁ ପାଣିପାଗ ଭିତ୍ତିକ ପରାମର୍ଶ |
|---|---|---|
| ବର୍ଷା ଦିନିଆ ଧାନ | ସକ୍ରିୟ ପିଲ ଅବସ୍ଥା/ କେଣ୍ଡା ବାହାରିବା ଅବସ୍ଥା | • ଚାଷୀମାନେ କ୍ଷେତରେ ପର୍ଯ୍ୟାପ୍ତ ପାଣି ରଖିବା ଉଚିତ । ଜମିରେ ଉପଯୁକ୍ତ ଆର୍ଦ୍ରତା ଥିବା ଅବସ୍ଥାରେ ୟୁରିଆ ସାରର ଟପ୍ ଡ୍ରେସିଂ କରିବାକୁ ପରାମର୍ଶ ଦିଆଯାଇଅଛି ।<br>• ଯଦି ବିଜାଣୁ ଜନିତ ପତ୍ର ପୋଡ଼ା କିମ୍ବା ପତ୍ରାଗାର ରୋଗର ଲକ୍ଷଣ ଦେଖାଯାଏ, ତେବେ ଏହାର ନିୟନ୍ତ୍ରଣ ହେତୁ ୧ ଗ୍ରାମ କପର ଅକ୍ସିକ୍ଲୋରାଇଡ୍ ସହିତ ୧ ଗ୍ରାମ ପ୍ଲାଣ୍ଟୋମାଇସିନ୍ କୁ ପ୍ରତି ଲିଟର ପାଣିରେ ମିଶାଇ ଶୁଷ୍କ ପାଗକୁ ଦେଖି ଖେତରେ ପ୍ରୟୋଗ କରିବାକୁ ପରାମର୍ଶ ଦିଆଯାଇଅଛି ।<br>• ଧାନ କ୍ଷେତରେ କାଣ୍ଡବିନ୍ଧା ଓ ପତ୍ର ମୋଡା ପୋକର ପ୍ରାଦୁର୍ଭାବ ନିରୀକ୍ଷଣ ପାଇଁ ପ୍ରତି ଏକର ଧାନ କ୍ଷେତରେ ୩ ଟି ଫେରୋମୋନ ଫାଶ/ ଯନ୍ତା ରଖନ୍ତୁ । ଯେତେବେଳେ ପୁରୁଷ ପୋକ/ଫାଶ/ଯନ୍ତା ଙ୍କ ସଂଖ୍ୟା ୪ କିମ୍ବା ୫ ପର୍ଯ୍ୟନ୍ତ ପହଞ୍ଚିଯିବ, ସେତେବେଳେ ଏକର ପିଛା ଆଜାଡିରାକ୍ଟିନ୍ ୦.୧୫% ଇ.ସି. @ ୮୦୦ ମିଲି କିମ୍ବା କ୍ଲୋରାଣ୍ଟ୍ରାନିଲିପ୍ରୋଲ୍ ୦.୪% ଜି.ଆର. @ ୪ କିଲୋଗ୍ରାମକୁ ବାଲି ସହିତ ୧:୧ ଅନୁପାତରେ ମିଶ୍ରଣ କରନ୍ତୁ କିମ୍ବା ୬୦ ମିଲି କ୍ଲୋରାଣ୍ଟ୍ରାନିଲିପ୍ରୋଲ୍ ୧୮.୫ % ଏସ୍.ସି. କିମ୍ବା ୧୦ କିଲୋଗ୍ରାମ କାର୍ଟାପ୍ ହାଇଡ୍ରୋକ୍ଲୋରାଇଡ୍ ୪ ଜି. କିମ୍ବା ୧୦୦ - ୧୨୦ ମିଲି ଟେଟ୍ରାନିଲିପ୍ରୋଲ ୨୦୦ ଏସ୍.ସି. କିମ୍ବା ଫ୍ଲୁବେଣ୍ଡିଆମାଇଡ୍ ୨୦ ଡବ୍ଲ୍ୟୁ.ଜି. @ ୫୦ ଗ୍ରାମ କୁ ଏକର ପ୍ରତି ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |
| ମକା | ଅଂଗିୟ ଅବସ୍ଥା/ ଫୁଲ ଅବସ୍ଥା | • ଏହି ପର୍ଯ୍ୟାୟରେ କ୍ଷେତରେ ପର୍ଯ୍ୟାପ୍ତ ଆର୍ଦ୍ରତା ବଜାୟ ରଖନ୍ତୁ।<br>• ଯଦି ମକା କ୍ଷେତରେ କାଣ୍ଡବିନ୍ଧା ଓ ଫଲ ଆର୍ମି ୱର୍ମ ପୋକର ଆକ୍ରମଣ ଦେଖାଦିଏ, ତେବେ ଏହି ପୋକକୁ ନିୟନ୍ତ୍ରଣ କରିବା ପାଇଁ ଚାଷୀମାନଙ୍କୁ ପ୍ରତି ଲିଟର ପାଣିରେ କ୍ଲୋରାଣ୍ଟ୍ରାନିଲିପ୍ରୋଲ୍ ୧୮.୫ ଏସ୍.ସି. @ ୦.୪ ମିଲି କିମ୍ବା ଇମାମେକ୍ଟିନ୍ ବେଞ୍ଜୋଏଟ୍ ୫ % ଏସ୍.ଜି. @ ୦.୪ ଗ୍ରାମକୁ ଭଲ ଭାବରେ ମିଶାଇ ଶୁଷ୍କ ପାଗରେ କ୍ଷେତରେ ସିଞ୍ଚନ କରନ୍ତୁ କିମ୍ବା କିଛି ଦିନ ଅପେକ୍ଷା କରନ୍ତୁ । |
| କଦଳୀ | ଅଂଗିୟ ଅବସ୍ଥା (ନୂଆଁ ବଗିଚା) | • ପ୍ରଚଳିତ ପାଗ ଯୋଗୁଁ, କିଛି ନୂତନ ଭାବରେ ଲଗାଯାଇଥିବା କଦଳୀ ଗଛରେ ବିଭିନ୍ନ କବକଜନିତ ରୋଗର ଆକ୍ରମଣ ଦେଖାଯାଇପାରେ, ତେଣୁ ଏହାର ନିୟମିତ ନିରୀକ୍ଷଣ କରିବାକୁ ପରାମର୍ଶ ଦିଆଯାଇଅଛି । |
| ପନିପରିବା ଚାଷ | ଅଂଗିୟ ଅବସ୍ଥା / ଫୁଲ ଓ ଫଳ ଅବସ୍ଥା | • ପନିପରିବା ଖେତରେ ଫଳ ମାଛି, ଫଳ ବିନ୍ଧା ଏବଂ ଫଳ ଓ କାଣ୍ଡ ବିନ୍ଧା ପୋକର ଆକ୍ରମଣ ପ୍ରତି ସତର୍କ ରୁହନ୍ତୁ ।<br>• ବିଭିନ୍ନ ପ୍ରକାର ଶୋଷକ କୀଟ ଯେପରିକି ଜଉ ପୋକ, ଉକୁଣୀଆ ପୋକ ଇତ୍ୟାଦିର ନିୟନ୍ତ୍ରଣ ହେତୁ ପ୍ରତି ଲିଟର ପାଣିରେ ଇମିଡାକ୍ଲୋପ୍ରିଡ୍ ୧୭.୮ ଏସ୍.ଏଲ. @ ୦.୩ ମିଲି କିମ୍ବା ଫିପ୍ରୋନିଲ୍ ୫ ଏସ୍.ସି. @ ୩ ମିଲିକୁ ମିଶାଇ ପାଗ ସଫା ଥିବା ସମୟରେ ସିଞ୍ଚନ କରନ୍ତୁ । |
| ଗୋରୁ ଗାଈ ଓ ମଇଷି | | • ଆସନ୍ତା ସପ୍ତାହରେ ବିଜୁଳି ଘଡ଼ଘଡି ସହ ବର୍ଷା ହେବାର ସମ୍ଭାବନାକୁ ଧ୍ୟାନରେ ରଖି ପଶୁମାନଙ୍କୁ କୌଣସି ପ୍ରକାରର ବୈଦ୍ୟୁତିକ ଉପକରଣଠାରୁ ଦୂରେଇ ରଖନ୍ତୁ ଏବଂ ବାହାରେ ଖୋଲାରେ ନ ବାନ୍ଧି ସୁରକ୍ଷିତ ଆଶ୍ରୟରେ ରଖନ୍ତୁ । ବର୍ଷା ଜଳ ସିଧାସଳଖ ଗୁହାଳ ଭିତରକୁ ନ ପଶିବା ପାଇଁ ଉଚିତ ବ୍ୟବସ୍ଥା କରନ୍ତୁ । ସ୍ତନହରା ଓ ଫାଟୁଆ ରୋଗର ଆକ୍ରମଣ ପ୍ରତି ସାବଧାନ ରୁହନ୍ତୁ ।<br>• ପଶୁମାନଙ୍କ ଚାରା ଆବଶ୍ୟକତା ପୂରଣ କରିବା ପାଇଁ ଉପଲବ୍ଧ ମାଟିର ଆର୍ଦ୍ରତାରେ କିମ୍ବା ହାଲୁକା ଜଳସେଚନ କରି ସବୁଜ ଚାରା ବୁଣିବାକୁ ପରାମର୍ଶ ଦିଆଯାଇଅଛି । |
| କୁକୁଡ଼ା | | • କୁକୁଡ଼ାମାନଙ୍କ କ୍ଷେତ୍ରରେ ବର୍ଷାଦିନେ ସାଧାରଣତଃ ଶ୍ବାସ ଜନିତ ରୋଗ, ଝାଡାରୋଗ ଓ ଆନ୍ତ୍ରିକ ରୋଗ ଦେଖିବାକୁ ମିଳିପାରେ । କୁକୁଡ଼ା ଚାଷୀ ମାନେ ଘୁମା ରୋଗର ଆକ୍ରମଣ ପ୍ରତି ମଧ୍ୟ ସତର୍କ ରୁହନ୍ତୁ ଏବଂ ଏହାର ନିୟମିତ ନିରୀକ୍ଷଣ କରୁଥାଆନ୍ତୁ । ବର୍ଷାଦିନେ ପାନୀୟ ଜଳ ଦୂଷିତ |

| | |
|---|---|
| | ହେଉଥିବା ଯୋଗୁଁ ବିଶୁଦ୍ଧ ପାନୀୟ ଜଳର ବ୍ୟବସ୍ଥା ନିହାତି କରିବା ଦରକାର । |


| | |
|---|---|
| **Ms. Jubuli Sahu**<br>**Junior Agrometeorologist,**<br>**AMFU, RRTTS, Chiplima** | **Dr. Sanjukta Mohapatra**<br>**ADR cum Nodal Officer**<br>**RRTTS, Chiplima** |


- କୃଷି ରେ ଉତ୍ତମ ଲାଭ ପାଇଁ, **OUAT KALINGA** ପ୍ରଡକ୍ଟସ (ବିହନ, ଚାରା ରୋପଣ ଓ କ୍ୟୁପିଏମ୍, ଟିସୁ କଲଚର ପ୍ଲାଣ୍ଟ, ଫଳ ଓ ପନିପରିବା, ମୂଲ୍ୟଯୁକ୍ତ ଉତ୍ପାଦ, ଫିଙ୍ଗରଲିଙ୍ଗ୍/ଇୟରଲିଙ୍ଗ୍, କୁକୁଡ଼ା ଛୁଆ, ମହୁମାଛି ଓ ସ୍କୋନ୍, ଜୈବ ସାର, ଜୈବ କୀଟନାଶକ, ଜିଆ ଏବଂ ଜିଆ ଖତ ଇତ୍ୟାଦି) ବ୍ୟବହାର କରନ୍ତୁ।
- ଭାରତ ପାଣିପାଗ ବିଭାଗର ପାଣିପାଗ ପୂର୍ବାନୁମାନ ଏବଂ ଓଡ଼ିଶା ସ୍ଥିତିର କୃଷି ପାଣିପାଗ ପରାମର୍ଶଦାତା ପାଇଁ ମେଘଦୂତ ମୋବାଇଲ ଆପ (https://play.gooogle.com/store/apps/details?id=com.aas.meghdoot) ତଥା ନିଜ ଅଞ୍ଚଳର ବିଜୁଳି କିମ୍ବା ବଜ୍ରପାତ ପୂର୍ବାନୁମାନ ପାଇଁ ଦାମିନୀ ଆପ (https://play.google.com/store/apps/details?id=com.lightening.live.damini) ଓ ସ୍ଥାନ ନିର୍ଧିଷ୍ଟ ପୂର୍ବାନୁମାନ ଏବଂ ଚେତାବନୀ ପାଇଁ **ମୌସମ ଆପ** ର ବ୍ୟବହାର କରିପାରିବେ।